ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1424/10-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୦ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ନୂଆପଡ଼ାରେ ବିକାଶକୁ ଏକ ନୂତନ ଦିଗନ୍ତ ଦେବା ଲକ୍ଷ୍ୟରେ ୨୩୩୭.୧୫ କୋଟି ଟଙ୍କାର ପ୍ରକଳ୍ପଗୁଡ଼ିକର ଶୁଭାରମ୍ଭ କରିଛନ୍ତି ଏବଂ ଜିଲ୍ଲାରେ ୫୦.୨୯ କୋଟି ଟଙ୍କାର ପ୍ରକଳ୍ପଗୁଡ଼ିକର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି । ଜଳସେଚନ, ଗ୍ରାମୀଣ ପାଇପ ଜଳଯୋଗାଣ, ଯୋଗାଯୋଗ ଏବଂ ଅନ୍ୟ ସାମାଜିକ ଭିତ୍ତିଭୂମି ଏହି ପ୍ରକଳ୍ପଗୁଡ଼ିକରେ ଅନ୍ତର୍ଭୁକ୍ତ ଅଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ୧୯୨୫.୬୩ କୋଟି ଟଙ୍କାର ଲୋୟର ଇନ୍ଦ୍ର ଜଳସେଚନ ପ୍ରକଳ୍ପର ମଧ୍ୟ ଲୋକାର୍ପଣ କରିଛନ୍ତି, ଯେଉଁଥିରେ ସ୍ପିଲ୍‌ୱେ, ତିନୋଟି ଡାଇକ୍, କେନାଲ ଏବଂ ଜଳଯୋଗାଣ ପାଇଁ ଭୂମିତଳ ପାଇପଲାଇନ ଅନ୍ତର୍ଭୁକ୍ତ ରହିଛି । ଏହି ପ୍ରକଳ୍ପ ଦ୍ୱାରା ନୂଆପଡ଼ାର ୨୦ ହଜାର କୃଷକ ପରିବାର ଏବଂ ବଲାଙ୍ଗୀରର ୨୫ ହଜାର କୃଷକ ପରିବାର ଉପକୃତ ହେବେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ନୂଆପଡ଼ା ଜିଲ୍ଲାରେ ପାନୀୟ ଜଳଯୋଗାଣ ଉଦ୍ଦେଶ୍ୟରେ ୩୩୨.୮୫ କୋଟି ଟଙ୍କାର ଗ୍ରାମୀଣ ପାଇପ ଜଳ ଯୋଗାଣ ପ୍ରକଳ୍ପକୁ ଲୋକାର୍ପିତ କରିଛନ୍ତି । ଏହି ପ୍ରକଳ୍ପ ଦ୍ୱାରା ବିଶୁଦ୍ଧ ପାନୀୟ ଜଳ ଯୋଗାଣ ସମ୍ଭବ ହେବା ସହ ଫ୍ଲୋରୋଇଡ୍ ଜଳ ସମସ୍ୟା ଦୂର ହୋଇପାରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଫ୍ଲୋରାଇଡ୍ ଜଳ ସମସ୍ୟାକୁ ଦୂର କରିବା ଲକ୍ଷ୍ୟରେ ୧୧୦୦ ଫ୍ଲୋରାଇଡ୍ ବିଶୋଧନ ପ୍ଲାଣ୍ଟ ସ୍ଥାପନ କରାଯିବ । ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ୨୦୫ଟି ପାଇପ ଜଳଯୋଗାଣ ପ୍ରକଳ୍ପ ଏବଂ ପ୍ରତ୍ୟେକ ଘରକୁ ପାନୀୟ ଜଳଯୋଗାଣ ଉଦ୍ଦେଶ୍ୟରେ ନିର୍ମାଣ ହେବାକୁ ଥିବା ଗୋଟିଏ ବୃହତ ପାଇପ ଜଳଯୋଗାଣ ପ୍ରକଳ୍ପ ପାଇଁ ୭୦୦ କୋଟି ଟଙ୍କା ବିନିଯୋଗ କରାଯିବ ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୫,୩୫,୬୫୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୯୨୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୨୫୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୦୯ ରହିଛି ।
- ୭୦୯ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’**